# The Orissa Gazette

**EXTRAORDINARY**

**PUBLISHED BY AUTHORITY**

**No. 1457 CUTTACK, WEDNESDAY, NOVEMBER 3, 2004 / KARTIKA 12, 1926**

## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 18 ଅକ୍ଟୋବର 2004

ସଂଖ୍ୟା 40674–ଏଲ୍.ଏ. (ଏ)-56/2004-ଖୋର୍ଦ୍ଧା-ରା.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ରାଜୁଆ ଦୁଇ ପାର୍ଶ୍ୱର ବନ୍ଧ ନିର୍ମାଣ ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ବୁଢଙ୍ଗରା, ଥାନା ଜଟଣୀ, ଜିଲ୍ଲା ଖୋର୍ଦ୍ଧାରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ନିମ୍ନ ଅନୁସୂଚୀ ମତେ ପ୍ରାୟ 1.803 ଏକର ପରିମିତ ଭୂମି ଉପରୋକ୍ତ ବୁଢଙ୍ଗରା ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894 ଅଧିନିୟମର ଧାରା 6 ର ବ୍ୟବସ୍ଥା ଅନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 2529, ତା 17 ଜାନୁଆରୀ 2004 ରିଖ ଓ ରାଜପତ୍ର ସଂଖ୍ୟା 141, ତା 24 ଜାନୁଆରୀ 2004 ରିଖରେ ପ୍ରକାଶିତ ହୋଇଥିବା ଜମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍ସା, ଖୋର୍ଦ୍ଧା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 19 ଅକ୍ଟୋବର 2004

ସଂଖ୍ୟା 40968–ଏଲ୍.ଏ. (ଏ)-57/2004-ରା.--ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ରାଜୁଆ ଦୁଇ ପାର୍ଶ୍ୱର ବନ୍ଧ ନିର୍ମାଣ ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ପୁରୁଷୋତ୍ତମପୁର, ଥାନା ଜଟଣୀ ନଂ. 13, ଜିଲ୍ଲା ଖୋର୍ଦ୍ଧାରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ନିମ୍ନ ସୂଚୀ ମତେ ପ୍ରାୟ 1.173 ଏକର ପରିମିତ ଭୂମି ଉପରୋକ୍ତ ପୁରୁଷୋତ୍ତମପୁର ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894 ର ଅଧିନିୟମର ଧାରା 6 ର ବ୍ୟବସ୍ଥା ଅନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 2536, ତା 17 ଜାନୁଆରୀ 2004 ରିଖ ଓ ରାଜପତ୍ର ସଂଖ୍ୟା 146, ତା 29 ଜାନୁଆରୀ 2004 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା, ଖୋର୍ଦ୍ଧା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

Printed and Published by the Director of Printing, Stationery and Publication, Orissa, Cuttack-10
Ex. Gaz. 985–206+20-o.s.